## ପ୍ରେସ୍ ନୋଟ୍

# ସଡକ ସୁରକ୍ଷା ଅନ୍ତର୍ଗତ ସଂସଦୀୟ ନିର୍ବାଚନମଣ୍ଡଳୀ କମିଟିର ବୈଠକ ଅନୁଷ୍ଠିତ ।

ଅନୁଗୋଳ,ତା.୯.୬:- ଜିଲ୍ଲାରେ ଥିବା ବିଭିନ୍ନ ସଡକର ନିର୍ମାଣ,ମରାମତି ଓ ଏହାର ସୁରକ୍ଷାକୁ ନେଇ ସଡକ ସୁରକ୍ଷାର ସଂସଦୀୟ ନିର୍ବାଚନମଣ୍ଡଳୀ କମିଟିର ଏକ ବୈଠକ ଆଜି ଅପରାହ୍ନରେ ଢେଙ୍କାନାଳ ସାଂସଦ ଶ୍ରୀ ମହେଶ ସାହୁଙ୍କ ଅଧ୍ୟକ୍ଷତାରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପ୍ରକୋଷ୍ଠରେ ଅନୁଷ୍ଠିତ ହୋଇଯାଇଛି । ଏହି ବୈଠକରେ ପାଲଲହଡା ବିଧାୟକ ଶ୍ରୀ ମୁକେଶ କୁମାର ପାଲ,ସମ୍ବଲପୁର ସାଂସଦଙ୍କ ପ୍ରତିନିଧି ଶ୍ରୀ ଅଗସ୍ତି ବେହେରା ପ୍ରମୁଖ ଯୋଗ ଦେଇଥିଲେ । ପ୍ରାରମ୍ଭରେ ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ସମସ୍ତଙ୍କୁ ସ୍ୱାଗତ ଜଣାଇବା ସହ ବିଭିନ୍ନ ରାସ୍ତାର ମରାମତି କାର୍ଯ୍ୟ ସମ୍ପର୍କରେ ଆଲୋକପାତ କରିଥିଲେ । ରାସ୍ତା ନିର୍ମାଣ ଓ ମରାମତି ଦାୟିତ୍ୱରେ ଥିବା ଏଜେନ୍‌ସି ମାନଙ୍କୁ କାର୍ଯ୍ୟର ଗୁଣବତା ବଜାୟ ରଖିବା ବିଷୟରେ ଅଧ୍ୟକ୍ଷ ପରାମର୍ଶ ଦେଇଥିଲେ । ଅତି ସମ୍ବେଦନଶୀଳ ରାସ୍ତାକୁ ଯୁଦ୍ଧକାଳିନ ଭିତ୍ତିରେ ତୁରନ୍ତ ମରାମତି କରିବାକୁ ବିଭାଗୀୟ ଅଧିକାରୀଙ୍କୁ ସେ ପରାମର୍ଶ ଦେଇଛନ୍ତି । ଟ୍ରାଫିକ୍ ବ୍ୟବସ୍ଥାକୁ ଅଧିକ କ୍ରିୟାଶୀଳ ଓ ପାରଦର୍ଶୀ କରିବା ଉପରେ ଅଧ୍ୟକ୍ଷ ଗୁରୁତ୍ୱାରୋପ କରିଥିଲେ । ଆଂଚଳିକ ପରିବହନ ଅଧିକାରୀ ଓ ପୋଲିସ ଅଧିକାରୀଙ୍କ ମିଳିତ କାର୍ଯ୍ୟକୁ ନିୟମିତ ସମୀକ୍ଷା କରିବା ପାଇଁ ଧ୍ୟାନ ଦେବାକୁ ଜିଲ୍ଲାପାଳଙ୍କୁ ପରାମର୍ଶ ଦେଇଥିଲେ । ରାସ୍ତାରେ ଦୁର୍ଘଟଣା କିପରି ରୋକାଯାଇପାରିବ, ଦୁର୍ଘଟଣାଗ୍ରସ୍ତ ଲୋକମାନଙ୍କୁ ଗୋଲଡେନ୍ ଆୱାର ସମୟ ମଧ୍ୟରେ ଡାକ୍ତରଖାନା କିପରି ପଠାଇବା, ରାସ୍ତାଘାଟର ମରାମତି ତଥା ନିର୍ମାଣ କାର୍ଯ୍ୟରେ ଗୁରୁତ୍ୱ ଦେବା ଏବଂ ସମୟ ସୀମା ମଧ୍ୟରେ ରାସ୍ତା କାର୍ଯ୍ୟ ସାରିବାକୁ ନେଇ ଅଧ୍ୟକ୍ଷ ବିଭାଗୀୟ ଅଧିକାରୀଙ୍କୁ ପରାମର୍ଶ ଦେଇଥିଲେ । ଏହି ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଦିଲ୍ଲିପ କୁମାର ସାହୁ,ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବଇତୁରା ଦିପ୍, ତାଳଚେର ଉପଜିଲ୍ଲାପାଳ ଶ୍ରୀ ବିଶ୍ୱ ରଞ୍ଜନ ରଥ,ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ଶ୍ରୀ ପ୍ରସନ୍ନ କୁମାର ବିଶ୍ୱାଳ, ଅନୁଗୋଳ ଆଂଚଳିକ ପରିବହନ ଅଧିକାରୀ ଶ୍ରୀ ବିଭାଭଞ୍ଜନ ସାମନ୍ତସିଂହାର, ତାଳଚେର ଆଂଚଳିକ ପରିବହନ ଅଧିକାରୀ ଶ୍ରୀ ନିଖିଳ ପଟ୍ଟନାୟକଙ୍କ ସମେତ ରାସ୍ତା ନିର୍ମାଣ ଓ ମରାମତି ଦାୟିତ୍ୱରେ ଥିବା ଏଜେନସିର କର୍ମକର୍ତ୍ତା ଓ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା ୩୪୫ ତା. ୦୯.୦୬.୨୦୨୨ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

୦୯/୦୬/୨୦୨୨

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ


ଜିଲ୍ଲାପାଳ • ଅନୁଗୋଳ